भाकृअनुप – राष्ट्रीय चावल अनुसंधान संस्थान
ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬
(An ISO 9001: 2015 Certified Institute)

## କୃଷି ସୂଚନା ସେବା (ଧାନ)

### ୨୦୨୪ ମସିହା ଡିସେମ୍ବର ମାସ ଦ୍ୱିତୀୟ ପକ୍ଷ ପାଇଁ କାର୍ଯ୍ୟପନ୍ଥା

### ଶାରଦ ଧାନ

- ଚାଷୀଭାଇମାନେ ଏହି ମାସ ଶେଷ ସୁଦ୍ଧା ଧାନ କଟା କାମ ଶେଷ କରିଦିଅନ୍ତୁ । କ୍ଷେତରେ ଶତକଡା ୮୦-୮୫ ଭାଗ ଧାନ କେଣ୍ଡାରେ ପାଚିଗଲା ପରେ ଧାନକୁ ଦାଆ କିମ୍ବା କମ୍ବାଇନ୍ ହାର୍ଭେଷ୍ଟର କିମ୍ବା ରିପର ଦ୍ୱାରା କାଟି ଅମଳ କରିଦିଅନ୍ତୁ । ଅମଳ ପରେ ଧାନକୁ ଭଲଭାବେ ଖରାରେ ଶୁଖାଇ ବିହନ ପାଇଁ ୧୨ ଶତକଡ଼ା ଆର୍ଦ୍ରତା ଓ ଖାଦ୍ୟ ଉପଯୋଗୀ ପାଇଁ ୧୪ ଶତକଡ଼ା ଆର୍ଦ୍ରତାରେ ସାଇତି ରଖନ୍ତୁ ।
- ଅମଳ କରିଥିବା ଧାନ କିସମ ଅନୁସାରେ ଅଲଗା ଅଲଗା କରି ବଜାରରେ ମିଳୁଥିବା ସୁପରଗ୍ରେନ୍ ବସ୍ତାରେ ଭର୍ତି କରି ସୁରକ୍ଷିତ ଜାଗାରେ ଭଲଭାବେ ଘୋଡେଇ ରଖନ୍ତୁ ଯେପରିକି ବର୍ଷାଦ୍ୱାରା କିଛି କ୍ଷତି ନ ହୁଏ ।
- ଧାନ ସାଇତି ରଖିଥିବା ବସ୍ତା ବା କୋଠାରୀରେ ପୋକ ଦେଖାଦେଲେ ଆଲୁମିନିୟମ୍ ଫସ୍‌ଫାଇଡ୍ ଟାବ୍‌ଲେଟ୍ ଏକ ଟନ୍ ଧାନ ପିଛା ୩ଟି ଟାବ୍‌ଲେଟ୍ (ସମୁଦାୟ ୯ ଗ୍ରାମ୍ ଟାବ୍‌ଲେଟ୍) କନାରେ ଗୁଡାଇ ରଖନ୍ତୁ । ଏହା ଉପରେ ଭଲଭାବେ ତାରପୋଲିନ୍ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କାଜାଗା ନ ରୁହେ । ଯଦି କୋଠରୀର ସନ୍ଧି ଜାଗା କିମ୍ବା କବାଟ ତଳ ଫାଙ୍କ ଜାଗା ଥାଏ ତେବେ କାଦୁଅ କିମ୍ବା ସେଲୋଟେପ୍ ଦେଇ ଭଲରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠାରୀ ଓ ବସ୍ତାର ମୁହଁ ଭଲଭାବରେ ବନ୍ଦ ରଖନ୍ତୁ । ଲୋକ ଚଳପ୍ରଚଳ କରୁଥିବା ଜାଗାରେଏଭଳି ଔଷଧ ପ୍ରୟୋଗ କରନ୍ତୁ ନାହିଁ ।
- ଧାନ ଅମଳ ସମୟରେ ମୂଷା ମଧ୍ୟ କ୍ଷତି ଘଟାଇପାରେ । ମୂଷାକୁ ନିୟନ୍ତ୍ରଣ କରିବା ପାଇଁ ମୂଷା ଗାତକୁ ଚିହ୍ନଟ କରି ତା ଉପରେ କାଦୁଅ ଲିପି ଗାତ ବନ୍ଦ କରିଦିଅନ୍ତୁ । ତା ପରଦିନ ଯେଉଁ ଗାତ ମୁହଁ ଖୋଲାଥିବ ସେ ଗାତରେ ଆଲୁମିନିୟମ୍ ଫସ୍‌ଫାଇଡ୍ ୬% ବଟିକା (ଗୋଟେ ବଟିକା ୧୨ ଗ୍ରାମ) କନାରେ ବାନ୍ଧି ଗାତପିଛା ଗୋଟିଏ ରଖି ଗାତମୁହଁକୁ କାଦୁଅରେ ବନ୍ଦ କରିଦିଅନ୍ତୁ ।
- ଚାଷୀ ଭାଇମାନଙ୍କୁ ଅନୁରୋଧ କରାଯାଉଛି କି ଅମଳ ପରେ ବିଲରେ ଥିବା ପାଳ ବା ନଡାକୁ ନିଆଁ ଲଗାନ୍ତୁ ନାହିଁ । ଏହାଦ୍ୱାରା ପରିବେଶର ଅନେକ କ୍ଷତି ହୋଇଥାଏ ।

### ଡାଲୁଅ ଧାନ

### ୨.୧ ରୁଆଧାନ

- ଡାଲୁଅ ଧାନ କରିବା ପାଇଁ ଅଧିକ ଅମଳକ୍ଷମ ଧାନ କିସମ ଯଥା ସି.ଆର.ଧାନ ୬୦୧, ଆଇ.ଆର. ୬୪, ଚନ୍ଦନ, ଲଲାଟ, ଉନ୍ନତ ଲଲାଟ, ନବୀନ, ସି.ଆର.ଧାନ ୩୧୦, ସି.ଆର.ଧାନ ୩୧୧, ସି.ଆର.ଧାନ ୩୧୫,

ସି.ଆର.ଧାନ ୩୩୭ , ଖଣ୍ଡଗିରି, ବୀଣାଧାନ ୧୧, ସି.ଆର.ଧାନ ୨୦୫, ସି.ଆର.ଧାନ ୨୦୬, ସି.ଆର.ଧାନ ୨୧୨, ଏମ୍.ଟି.ୟୁ ୧୦୧୦, ପାରିଜାତ, ଶତାବ୍ଦୀ, ଲୁଣାସଂଖୀ (ଲୁଣା ଜମି ପାଇଁ) ବ୍ୟବହାର କରନ୍ତୁ । କାଦୁଆ ବୁଣା ଧାନ ପାଇଁ ନବୀନ, ଶତାବ୍ଦୀ, ଉନ୍ନତ ଲଲାଟ ଏବଂ ସି.ଆର.ଧାନ ୨୦୩ ଇତ୍ୟାଦି ଧାନ କିସମ ବ୍ୟବହାର କରନ୍ତୁ ।

- ❖ କାଦୁଅ ତଳିଘରା ପାଇଁ ୧୨୦ ସେ.ମି. ପ୍ରସ୍ଥ, ୧୦ ସେ.ମି. ଉଚ୍ଚତା ଓ ସୁବିଧା ଅନୁଯାୟୀ ଲମ୍ବା ତଳି ପଟାଳିମାନ ପ୍ରସ୍ତୁତ କରନ୍ତୁ । ଦୁଇ ତଳି ପଟାଳି ମଧ୍ୟରେ ୩୦ ସେ.ମି. ବ୍ୟବଧାନର ନାଳି ରଖନ୍ତୁ । ଏକ ଏକର ଜମିରେ ରୁଆ ଧାନ କରିବା ପାଇଁ ୩୨୦ ବର୍ଗମିଟର (୨ ଗୁଣ୍ଠ) ତଳିଘରା ପ୍ରସ୍ତୁତ କରନ୍ତୁ ।

- ❖ ତଳିଘରାରେ ବିହନ ବୁଣିବା ପୂର୍ବରୁ ୧ କି.ଗ୍ରା. ଧାନ ବିହନ ପାଇଁ ୧.୫ ଗ୍ରାମ୍ କାର୍ବେଣ୍ଡାଜିମ୍ ୫୦ ଡବ୍ଲ୍ୟୁ.ପି. କିମ୍ବା ୧୦ ଗ୍ରାମ୍ ଟ୍ରାଇକୋଡର୍ମା ବିଶୋଧକ ବ୍ୟବହାର କରନ୍ତୁ । କାର୍ବେଣ୍ଡାଜିମ୍ ୫୦ ଡବ୍ଲ୍ୟୁ.ପି. ନ ମିଳିବା କ୍ଷେତ୍ରରେ ୧ କି.ଗ୍ରା. ବିହନ ପିଛା ୩ ଗ୍ରାମ୍ କାପ୍‌ଟାନ୍ ୫୦% (କ୍ୟାପ୍ ଗୋଲ୍ଡ / କାପ୍‌ତାରା) କିମ୍ବା ଥିୟାରାମ୍ ୭୫% (ଥିୟାରାମ୍ ୭୫% / ଥାଇରକ୍ସ) ବିଶୋଧକ ବ୍ୟବହାର କରନ୍ତୁ ।

- ❖ ତଳିଘରାକୁ ଥଣ୍ଡା ଦାଉରୁ ରକ୍ଷା କରିବା ପାଇଁ ଧାନ ବୁଣିବା ପରେ ତଳିଘରା ଉପରେ ଶୁଖିଲା ଗୋବର ଖତର ଏକ ପତଳା ସ୍ତର ପକାନ୍ତୁ । ଅପରାହ୍ଣ ସମୟରେ ବୋରୱେଲ ଦ୍ୱାରା ତଳିଘରାରେ ଜଳସେଚନ କରନ୍ତୁ । ଅତ୍ୟଧିକ ଥଣ୍ଡା ହେଲେ ରାତିରେ ତଳିଘରାକୁ ପଲିଥିନ୍ ସାହାଯ୍ୟରେ ଘୋଡାଇ ରଖନ୍ତୁ ଏବଂ ଦିନ ବେଳେ ବାହାର କରିଦିଅନ୍ତୁ ।

- ❖ ଏକ ବର୍ଗମିଟର ତଳିଘରାରେ ମୂଳସାର ହିସାବରେ ୦.୫ କି.ଗ୍ରା. ସଢ଼ା ଗୋବର ଖତ ସହିତ ଯବକ୍ଷାରଜାନ:ଫସଫରସ୍: ପଟାସ୍ ସାରକୁ ୫: ୫ : ୫ ଗ୍ରାମ୍ ଅନୁପାତରେ ପ୍ରୟୋଗ କରନ୍ତୁ । ଏହା ସହିତ ୦.୫ ଗ୍ରାମ୍ ଜିଙ୍କ୍ ପ୍ରୟୋଗ କରନ୍ତୁ ।

- ❖ ତଳିଘରାକୁ ନାଳିରେ ପାଣି ମଡାନ୍ତୁ । ତଳି ଉପାଡିବାର ୨ ରୁ ୩ ଦିନ ପୂର୍ବରୁ ତଳିଘରାରେ ୨ ରୁ ୩ ସେ.ମି. ଠିଆ ପାଣି ରଖନ୍ତୁ ।
- ❖ ତଳିଘରାରେ ଘାସ ନିୟନ୍ତ୍ରଣ ପାଇଁ ଧାନ ବୁଣିବାର ୩ ରୁ ୫ ଦିନ ପରେ ଘାସମରା ଔଷଧ ପାଇରାଜୋସଲଫ୍ୟୁରାନ୍-ଇଥାଇଲ ୧୦ % ଡବ୍ଲ୍ୟୁ.ପି. (ସାଥି) ଏକର ପିଛା ୮୦ ଗ୍ରାମ୍ ପ୍ରୟୋଗ କରନ୍ତୁ କିମ୍ବା ଧାନ ବୁଣିବାର ୧୦ ରୁ ୧୨ ଦିନ ପରେ (କିମ୍ବା ୨ ରୁ ୩ ପତ୍ରବିଶିଷ୍ଟ) ଘାସ ନିୟନ୍ତ୍ରଣ କରିବା ପାଇଁ ବିସ୍‌ପାଇରିବାକ୍ ସୋଡିୟମ୍ (ନୋମିନିଗୋଲ୍ଡ) ୧୨୦ ମି.ଲି. ୧୩୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

- ❖ କାଣ୍ଡବିନ୍ଧା ପୋକ ନିରୀକ୍ଷଣ ପାଇଁ ପ୍ରତି ୨୦୦ ବର୍ଗମିଟର ତଳିଘରା ପିଛା ୩ଟି ହିସାବରେ ଯୌନ ସମ୍ବେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ଟି ହୋଇଯିବ, ତେବେ ଏକର ପିଛା ନିମ୍ବମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫%କୁ ୮୦୦ ମି.ଲି. କିମ୍ବା ଏକର ପିଛା କ୍ଲୋରାନ୍‌ଟ୍ରାନିଲିପ୍ରୋଲ୍ ୪% ଜି.ଆର୍. ୪ କି.ଗ୍ରା. କିମ୍ବା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା.କୁ ୧:୧ ବା ସମାନ ପରିମାଣର ବାଲି ସହିତ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା କ୍ଲୋରାନ୍‌ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ୬୦ ମି.ଲି. ଏକର ପିଛା ୨୦୦ ଲିଟର ପାଣିରେ ମିଶାଇ ବ୍ୟବହାର କରନ୍ତୁ ।

- ❖ ଯଦି ଉକୁଣିଆ ପୋକ ଦେଖାଯାଏ, ତେବେ ଏକର ପ୍ରତି ଆଜାଡିରାକ୍ଟିନ୍ ୮୦୦ ମି.ଲି. କିମ୍ବା ଲାମ୍ବଡା ସାଇହାଲୋଥ୍ରିନ୍ ୨୦୦ ମି.ଲି. କିମ୍ବା ଥାଇମିଥୋକ୍ସାମ୍ ୨୫% ଡବ୍ଲ୍ୟୁ.ଜି. ୪୦ ଗ୍ରାମ୍ ପ୍ରୟୋଗ କରନ୍ତୁ ।

- ❖ ତଳିଘରାରେ ମହିଷା ରୋଗ ଲକ୍ଷଣ ଦେଖାଦେଲେ ଏକର ପ୍ରତି ୨୦୦ ଲିଟର ପାଣିରେ ୮୦ ଗ୍ରାମ୍ ଟେବୁକୋନାଜୋଲ ୫୦% ସହିତ ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲ୍ୟୁ.ଜି. କିମ୍ବା ଆଇସୋପ୍ରୋଥିଓଲେନ୍ ୪୦

ଇ.ସି. ୩୦୦ ମି.ଲି.ସିଂଚନ କରନ୍ତୁ । ୭ ରୁ ୧୦ ଦିନ ବ୍ୟବଧାନରେ ଆଉ ଥରେ ପ୍ରୟୋଗ କରନ୍ତୁ ।

- ଧାନ ତଳିରେ ପତ୍ରପୋଡା ରୋଗ ଦେଖାଗଲେ ଏକର ପ୍ରତି କାର୍ବାଣ୍ଡେଜିମ୍ ୪୦୦ ଗ୍ରାମ୍ କିମ୍ବା ପ୍ରୋପିକୋନାଜୋଲ୍ ୨୦୦ ଗ୍ରାମ୍ ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।
- ଠିକ୍ ସମୟରେ ରୁଆ କାମକରିବା ପାଇଁ ମୁଖ୍ୟଜମିକୁ ପୂର୍ବରୁ ପ୍ରସ୍ତୁତକରନ୍ତୁ ।

**(୭.୭)କାଦୁଅ ବୁଣା ଧାନ**

- ଗଜା ଧାନକୁ କାଦୁଅ ଜମିରେ ଡ୍ରମ୍‌ସିଡର କିମ୍ବା ଛଟା ବୁଣା କରି ଦିଅନ୍ତୁ ।
- ତଳି ଭଲ ବଢ଼ିବାଏବଂ ଚେର ମାଟିକୁ ଧରିବା ପାଇଁ ଜମିରେ ପତଳା ପାଣିସ୍ତର ରଖନ୍ତୁ ।
- ଘାସ ନିୟନ୍ତ୍ରଣ ପାଇଁ ଧାନ ବୁଣିବାର ୩ ରୁ ୫ ଦିନ ପରେ ଘାସମରା ଔଷଧ ପାଇରାଜୋସଲଫ୍ୟୁରାନ୍- ଇଥାଇଲ ୧୦% ଡବ୍ଲ୍ୟୁ.ପି. (ସାଥି) ଏକର ପିଛା ୮୦ ଗ୍ରାମ୍ ପ୍ରୟୋଗ କରନ୍ତୁ କିମ୍ବା ବେନ୍‌ସଲଫ୍ୟୁରାନ୍- ମିଥାଇଲ୍ ସହିତ ପ୍ରିଟିଲାକ୍ଲୋର ଦାନାଦାର ଏକରକୁ ୪ କି.ଗ୍ରା. ହିସାବରେ ସମାନ ପରିମାଣର ବାଲିସହିତ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା ଧାନ ବୁଣିବାର ୧୦ ରୁ ୧୨ ଦିନ ପରେ (କିମ୍ବା ୨ ରୁ ୩ ପତ୍ରବିଶିଷ୍ଟ) ଘାସ ନିୟନ୍ତ୍ରଣ କରିବା ପାଇଁ ବିସ୍‌ପାଇରିବାକ୍ ସୋଡିୟମ୍ (ନୋମିନିଗୋଲ୍ଡ) ୧୨୦ ମି.ଲି. ୧୩୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।
- ବିଲରେ କାଦୁଅ କରିବା ସମୟରେ ମୂଳସାର ହିସାବରେଏକର ପ୍ରତି ୪୪ କି.ଗ୍ରା. ଡି.ଏ.ପି. ଏବଂ ୩୩ କି.ଗ୍ରା. ଏମ୍. ଓ.ପି. ପ୍ରୟୋଗ କରନ୍ତୁ ।
- ଚାଷୀଭାଇମାନେ ଧାନ ଚାଷ ସମ୍ପର୍କରେ ଅଧିକ ସୂଚନା ବା ବିବରଣୀ ଜାଣିବାକୁ ଚାହୁଁଥିଲେ ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ ଦ୍ୱାରା ବିକଶିତ ରାଇସ୍ ଏକ୍ସପୋର୍ଟ ମୋବାଇଲ ଆପ୍ (riceXpert) ଗୁଗୁଲ୍ ପ୍ଲେଷ୍ଟୋରରୁ ଡାଉନ୍‌ଲୋଡ କରି ବ୍ୟବହାର କରିପାରିବେ ।

*****